## ଆଜି ଅନୁଗୋଳ ଜିଲ୍ଲାରୁ ୨୨୧ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୬୦୨୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୭ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୨୨୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୯୪ ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୪୨ ଜଣ (୩୭ ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୯ ଜଣ (୨୬ ଜଣ ପୁରୁଷ ଓ ୧୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩୬ ଜଣ ( ୨୨ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ପୌରାଂଚଳରୁ ୩୩ ଜଣ (୨୭ ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୧୯ ଜଣ ( ୧୬ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୬ ଜଣ (୧୨ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୧୫ ଜଣ ( ୧୪ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ ଜଣ ( ୮ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫ ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୫ ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ ଜଣ (୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୭ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୮ଜଣ କୋଭିଡ ହସପିଟାଲରୁ , ୨ଜଣ କୋଭିଡ କେୟାର ସେଣ୍ଟରରୁ ଓ ୯୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୭୮ ତା.୧୦.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ